ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୦୨ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୧୫୭୫ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୧ ଜଣ ।

ଅନୁଗୋଳ, ତା.୦୯.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୧୦୨ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଟାଁରପାଳ ବ୍ଲକ୍ ଅଂଚଳରୁ ୧୯ଜଣ (୧୨ ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୮ଜଣ ( ୧୩ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୪ଜଣ (୯ ଜଣ ପୁରୁଷ ଓ ୫ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୩ଜଣ (୯ ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୧ଜଣ (୭ ଜଣ ପୁରୁଷ ଓ ୪ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୯ଜଣ ( ୫ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୯ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୮୬ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୩ ଲକ୍ଷ ୨୨ହଜାର ୯୯୫ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୪୦୦ ତା.୦୯.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ

https://mail.google.com/mail/u/0/#inbox/FMfcgzGkZGnVcsppRzWCMqjlngMbczDw?projector=1&messagePartId=0.1